# REGIONAL NEWS UNIT, AIR CUTTACK

## Mid-day Bulletin (2.32PM)

### 14 February - 2025

### News Editor : Itishree Singh Rathaur

*************************************

## ମୁଖ୍ୟ ସମ୍ବାଦ

- ବିଧାନସଭାରେ ଚାଷୀଙ୍କ ସମସ୍ୟାକୁ ନେଇ ବିରୋଧୀଙ୍କ ହଟ୍ଟଗୋଳ ଯୋଗୁଁ ଗୃହ ଅପରାହ୍ନ ୪ଟା ପର୍ଯ୍ୟନ୍ତ ମୁଲତବୀ ।
- ରାଜ୍ୟର ୧୭ଟି ବିଶ୍ୱବିଦ୍ୟାଳୟରେ ୧ହଜାର ୩୦୭ଟି ପଦବୀ ଖାଲିଥିବା ବିଧାନସଭାରେ ସୂଚନା ଦେଲେ ବିଭାଗୀୟ ମନ୍ତ୍ରୀ ।
- ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ଅପରାହ୍ନରେ ପରିଦର୍ଶନ କରିବେ ଜୋରନ୍ଦା ମାଘ ମେଳା ।
- ପୁଲୱାମା ଆତଙ୍କବାଦୀ ଆକ୍ରମଣକୁ ଆଜି ପୁରିଲା ୬ ବର୍ଷ । ସହିଦମାନଙ୍କୁ ଦେଶବାସୀ ଦେଲେ ଶ୍ରଦ୍ଧାଞ୍ଜଳି ।

ଏବଂ

- ଭୁବନେଶ୍ୱରରେ ଆରମ୍ଭ ହେଲା ରାଜ୍ୟସ୍ତରୀୟ ମତ୍ସ୍ୟ-ପ୍ରାଣୀ ସମାବେଶ ।

## ବିଧାନସଭା – ୧

ସପ୍ତଦଶ ବିଧାନସଭାର ବଜେଟ୍ ଅଧିବେଶନର ଆଜି ଦ୍ୱିତୀୟ ଦିନରେ ବିରୋଧୀ ସଦସ୍ୟଙ୍କ ପ୍ରବଳ ହଟ୍ଟଗୋଳ ଯୋଗୁଁ ବାଚସ୍ପତି ସୁରମା ପାଢ଼ୀ ଗୃହକୁ ଅପରାହ୍ଣ ୪ଟା ପର୍ଯ୍ୟନ୍ତ ମୁଲତବୀ ଘୋଷଣା କରିଛନ୍ତି ।

ପ୍ରଶ୍ନକାଳ ଆରମ୍ଭ ହେବା ମାତ୍ରକେ ବିରୋଧୀ ବିଜେଡି ଓ କଂଗ୍ରେସ ଦଳର ସଦସ୍ୟମାନେ ଗୃହ ମଧ୍ୟଭାଗକୁ ଆସି ପ୍ରବଳ ହୋ-ହଲ୍ଲା କରିଥିଲେ । ରାଜ୍ୟରେ ଆଇନ୍‌ଶୃଙ୍ଖଳା ପରିସ୍ଥିତି ଏବଂ ଚାଷୀମାନଙ୍କ ବିଭିନ୍ନ ସମସ୍ୟାକୁ ନେଇ ହଟ୍ଟଗୋଳ ହୋଇଥିଲା । ଏହାପରେ ବାଚସ୍ପତି ଗୃହକୁ ପ୍ରଥମେ ମଧ୍ୟାହ୍ନ ୧୨ଟା ଯାଏଁ ମୁଲତବୀ ରଖିଥିଲେ । ଗୃହକାର୍ଯ୍ୟ ଆରମ୍ଭ ହେବା ପରେ ମଧ୍ୟ ସମାନ ସ୍ଥିତି ଜାରି ରହିବାରୁ ବାଚସ୍ପତି ଗୃହକୁ ଅପରାହ୍ଣ ୪ଟା ପର୍ଯ୍ୟନ୍ତ ମୁଲତବୀ ଘୋଷଣା କରିଥିଲେ ।

## ବିଧାନସଭା–୨

ରାଜ୍ୟର ୧୭ଟି ବିଶ୍ୱବିଦ୍ୟାଳୟରେ ୧ହଜାର ୩୦୭ଟି ଅଧ୍ୟାପକ ପଦବୀ ଖାଲି ପଡିଛି ବୋଲି ବିଧାନସଭାରେ ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ସୂଚନା ଦେଇଛନ୍ତି । ବିଧାୟକ ଅରବିନ୍ଦ ମହାପାତ୍ରଙ୍କ ପ୍ରଶ୍ନର ଉତ୍ତରରେ ମନ୍ତ୍ରୀ କହିଛନ୍ତି ରେଭେନ୍ସାରେ ୧୫୭, ଉତ୍କଳ ବିଶ୍ୱବିଦ୍ୟାଳୟରେ ୧୩୬ଟି ପଦବୀ ଖାଲି ରହିଛି । ୧୭ଟି ବିଶ୍ୱବିଦ୍ୟାଳୟରେ ପାଠପଢ଼ା ପାଇଁ ୯୬୩ଟି ଅତିଥି ଅଧ୍ୟାପକଙ୍କୁ ନିଯୁକ୍ତ କରାଯାଇଛି ବୋଲି ମନ୍ତ୍ରୀ କହିଛନ୍ତି ।

## ଛାତ୍ରୀଙ୍କ ପାଇଁ ଶୌଚାଳୟ

ରାଜ୍ୟର ବିଦ୍ୟାଳୟ ଗୁଡ଼ିକରେ ୨୦୨୪-୨୫ ଆର୍ଥିକ ବର୍ଷରେ ଛାତ୍ରୀମାନଙ୍କ ପାଇଁ ୭୨୪ଟି ଶୌଚାଳୟ ନିର୍ମାଣ ପାଇଁ ପଦକ୍ଷେପ ନିଆଯାଇଛି ବୋଲି ଆଜି ବିଧାନସଭାରେ ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ କହିଛନ୍ତି । ଏକ ଲିଖିତ ପ୍ରଶ୍ନର ଉତ୍ତରରେ ମନ୍ତ୍ରୀ କହିଛନ୍ତି ୪୧୨ଟି ପ୍ରାଥମିକ ଏବଂ ୧୧୫ଟି ଉଚ୍ଚପ୍ରାଥମିକ ବିଦ୍ୟାଳୟରେ ଛାତ୍ରୀଙ୍କ ପାଇଁ ଶୌଚାଳୟ ନାହିଁ, ତେବେ ଶୌଚାଳୟ ନିର୍ମାଣ ପାଇଁ ପଦକ୍ଷେପ ନିଆଯାଉଛି ବୋଲି ମନ୍ତ୍ରୀ କହିଛନ୍ତି ।

## ମୁଖ୍ୟମନ୍ତ୍ରୀଙ୍କ ଢେଙ୍କାନାଳ ଗସ୍ତ

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ଅପରାହ୍ଣରେ ଜୋରନ୍ଦା ମହିମା ଗାଦି ପରିଦର୍ଶନ କରିବାର କାର୍ଯ୍ୟକ୍ରମ ରହିଛି । ମାଘ ମେଳାରେ ଝାଡ଼ ଅଗ୍ନିରେ ମହିମା ଗୋସାଇଁଙ୍କ ଆଶୀର୍ବାଦ ଭିକ୍ଷା କରିବା ସହିତ ସାଧାରଣ ସଭାରେ ଯୋଗଦେବେ ବୋଲି ଜିଲ୍ଲା ପ୍ରଶାସନ ପକ୍ଷରୁ କୁହାଯାଇଛି ।

## ବିଜେପି ବୈଠକ

ଭୁବନେଶ୍ୱରସ୍ଥିତ ରାଜ୍ୟ ବିଜେପି କାର୍ଯ୍ୟାଳୟରେ ଦଳର କୋର୍ କମିଟି ବୈଠକ ଆରମ୍ଭ ହୋଇଛି । ବୈଠକରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝି, ରାଜ୍ୟ ପ୍ରଭାରୀ ବିଜୟ ପାଲ୍ ସିଂହ ତୋମାର, ରାଜ୍ୟ ସଭାପତି ମନମୋହନ ସାମଲ, ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓ ଏବଂ

ପ୍ରଭାତି ପରିଡ଼ାଙ୍କ ସମତେ ଅନ୍ୟ ବରିଷ୍ଠ ନେତା ଯୋଗ ଦେଇଛନ୍ତି । ବୈଠକରେ ଦଳର ସାଙ୍ଗଠନିକ ସ୍ଥିତି ଏବଂ କାର୍ଯ୍ୟକ୍ରମ ନେଇ ଆଲୋଚନା ହେବ ବୋଲି ଦଳର ବରିଷ୍ଠ ନେତା ତଥା ସାଂସଦ ପ୍ରତାପ ଷଡ଼ଙ୍ଗୀ କହିଛନ୍ତି ।

## ମେଡ଼ିକାଲ କଲେଜ କାର୍ଯ୍ୟକ୍ଷମ

ତାଳଚେରର ପବିତ୍ର ମୋହନ ପ୍ରଧାନ ମେଡ଼ିକାଲ କଲେଜ ଏବଂ ଫୁଲବାଣୀ ସରକାରୀ ମେଡ଼ିକାଲ କଲେକ ଖୁବ୍‌ଶୀଘ୍ର କାର୍ଯ୍ୟକ୍ଷମ ହେବ । ଏନେଇ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗର ବୈଠକରୁ ସୂଚନା ମିଳିଛି । ଭୁବନେଶ୍ୱରରେ ବିଭାଗର ଶାସନ ସଚିବଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ତାଳଚେର ଓ ଫୁଲବାଣୀ ମେଡ଼ିକାଲ କଲେଜର ଭିତ୍ତିଭୂମି ସୁଦୃଢ଼ କରିବା ସହ ଅନ୍ୟାନ୍ୟ କାର୍ଯ୍ୟ ଶେଷ କରିବାକୁ ଗୁରୁତ୍ୱ ଦିଆଯାଇଥିଲା । ପ୍ରତି ସପ୍ତାହରେ ମେଡ଼ିକାଲ କଲେଜ ଗୁଡ଼ିକର ଅଗ୍ରଗତି ସମୀକ୍ଷା ପାଇଁ ଅନୁଗୁଳ ଓ କନ୍ଧମାଳ ଜିଲ୍ଲାପାଳଙ୍କୁ ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ନିର୍ଦ୍ଦେଶ ଦିଆଯାଇଛି ।

# ପିଏମ୍-ପୁଲଓ୍ୱାମା ଆଟାକ୍

ଜାମ୍ମୁ କାଶ୍ମୀରର ପୁଲଓ୍ୱାମା ଜିଲ୍ଲାରେ ଆତଙ୍କବାଦୀ ଆକ୍ରମଣକୁ ଆଜି ୬ ବର୍ଷ ପୂରଣ ହୋଇଛି । ଏଥିରେ ୪୦ ଜଣ ସିଆରପିଏଫ୍ ଯବାନ ଶହୀଦ ହୋଇଥିଲେ । ୨୦୧୯ ମସିହାରେ ପୁଲଓ୍ୱାମା ଆକ୍ରମଣରେ

ଶହୀଦ ହୋଇଥିବା ଯବାନମାନଙ୍କୁ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଛନ୍ତି । ସାମାଜିକ ଗଣମାଧ୍ୟମ ପୋଷ୍ଟରେ ଶ୍ରୀ ମୋଦୀ କହିଛନ୍ତି, ସେମାନଙ୍କ ବଳିଦାନ ଏବଂ ଦେଶ ପ୍ରତି ଅତୁଟ ସମର୍ପଣକୁ ଆଗାମୀ ପିଢ଼ି କେବେ ବି ଭୁଲିପାରିବେ ନାହିଁ ।

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ପୁଲୱାମା ସହିଦଙ୍କୁ ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିବା ସହିତ ସହିଦ ମାନଙ୍କ ଦେଶପ୍ରତି ସମର୍ପଣ ସର୍ବଦା ସ୍ମରଣୀୟ ହୋଇ ରହିବ ବୋଲି ସାମାଜିକ ଗଣମାଧ୍ୟମରେ ଉଲ୍ଲେଖ କରିଛନ୍ତି । କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ପୁଲୱାମା ସହିଦ ମାନଙ୍କୁ ଶ୍ରଦ୍ଧାଞ୍ଜଳି ଅର୍ପଣ କରି ଜବାନମାନଙ୍କ ବଳିଦାନ ଏବଂ ବୀରତା ଆତଙ୍କବାଦ ବିରୁଦ୍ଧରେ ଲଢ଼େଇ ପାଇଁ ନିରନ୍ତର ପ୍ରେରଣା ଯୋଗାଇବ ବୋଲି କହିଛନ୍ତି ।

## ମତ୍ସ୍ୟ-ପ୍ରାଣୀ ସମାବେଶ

ଭୁବନେଶ୍ୱରସ୍ଥିତ ବିଜୁପଟ୍ଟନାୟକ ପଡ଼ିଆରେ ଆଜିଠାରୁ 'ରାଜ୍ୟସ୍ତରୀୟ ମତ୍ସ୍ୟ-ପ୍ରାଣୀ ସମାବେଶ-୨୦୨୫' ଆରମ୍ଭ ହୋଇଛି । ସମ୍ମିଳନୀରେ ଯୋଗଦେଇ ବିଭାଗୀୟ ମନ୍ତ୍ରୀ ଗୋକୁଳାନନ୍ଦ ମଲ୍ଲିକ କହିଛନ୍ତି ରାଜ୍ୟ ସରକାର କୃଷକଙ୍କ ବିକାଶ ଲାଗି ବିଭିନ୍ନ ପଦକ୍ଷେପ ନେଉଛନ୍ତି । ପ୍ରାଣୀପାଳକଙ୍କ ଆୟକୁ ଦ୍ୱିଗୁଣିତ କରିବା ଲାଗି ପ୍ରୋତ୍ସାହନ ଦିଆଯାଉଛି । ଚାଷୀଙ୍କ ସଶକ୍ତିକରଣ ପାଇଁ ବିଭିନ୍ନ ନୂତନ ଯୋଜନା ଆରମ୍ଭ

କରାଯାଇଛି । କୃଷକଙ୍କ ଆୟ ବୃଦ୍ଧି ହେଲେ ଓଡ଼ିଶାର ଅର୍ଥନୈତିକ ବିକାଶ ହୋଇପାରିବ ବୋଲି ମନ୍ତ୍ରୀ କହିଛନ୍ତି...

**- V/O -**

କାର୍ଯ୍ୟକ୍ରମରେ ଖାଦ୍ୟଯୋଗାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ମୁଖ୍ୟଅତିଥି ଭାବେ ଯୋଗଦେଇଥିଲେ । ଚଳିତବର୍ଷ ମତ୍ସ୍ୟ-ପ୍ରାଣୀ ସମାବେଶର ବାର୍ତ୍ତା ରହିଛି 'ମତ୍ସ୍ୟ ଓ ପ୍ରାଣୀ ପାଳନ – ଜୀବନଜୀବିକା ଜୈବ ସନ୍ତୁଳନ' । ସମ୍ମିଳନୀରେ ପ୍ରାଣୀ ଓ ମତ୍ସ୍ୟଚାଷୀ ଏବଂ ବିଶେଷଜ୍ଞମାନେ ଅତ୍ୟାଧୁନିକ ଜ୍ଞାନକୌଶଳ ପ୍ରୟୋଗ କରି ମତ୍ସ୍ୟ ଉତ୍ପାଦନ ଓ ପ୍ରାଣୀସମ୍ପଦର ସୁରକ୍ଷା ସମ୍ପର୍କରେ ଆଲୋଚନା କରିବାର କାର୍ଯ୍ୟକ୍ରମ ରହିଛି । ସମ୍ମିଳନୀରେ ପ୍ରତି ବ୍ଲକ୍‌ରୁ ୨୬ ଜଣ ଲେଖାଏଁ ଚାଷୀ ଯୋଗଦେଇଛନ୍ତି ।

## ବୁଝାମଣାପତ୍ର ସ୍ୱାକ୍ଷରିତ

ରାଜ୍ୟରେ କର୍ମନିଯୁକ୍ତି ଏବଂ ଉତ୍ପାଦନକ୍ଷମ ରୋଜଗାର ସୃଷ୍ଟି ସହ ବିଭିନ୍ନ କ୍ଷେତ୍ରରେ ସହଯୋଗ ଲାଗି ସରକାରଙ୍କ ଯୋଜନା ଓ ସଂଯୋଜନ ବିଭାଗ ଏବଂ ଦି କନ୍‌ଭରଜେନ୍‌ସ ଫାଉଣ୍ଡେସନ-ଟିସିଏଫ୍ ମଧ୍ୟରେ ଏକ ବୁଝାମଣାପତ୍ର ସ୍ୱାକ୍ଷରିତ ହୋଇଛି । ଲୋକସେବା ଭବନରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା, ଉନ୍ନୟନ କମିଶନର ତଥା ଅତିରିକ୍ତ ମୁଖ୍ୟ ଶାସନ ସଚିବ ଅନୁ ଗର୍ଗ ଉପସ୍ଥିତ ଥିଲେ । ଏହି ବୁଝାମଣା ଦ୍ୱାରା ରାଜ୍ୟ ସରକାରଙ୍କର ବିଭିନ୍ନ ବିକାଶମୂଳକ ନୀତି ଏବଂ କାର୍ଯ୍ୟକ୍ରମ ଗୁଡ଼ିକର ସଫଳ ରୂପାୟନ ହୋଇପାରିବ ।

ଏହାସହ ଉତ୍ପାଦନ ଏବଂ ସେବା କ୍ଷେତ୍ରରେ ନିଯୁକ୍ତି ସୃଷ୍ଟି, କୃଷି ଉତ୍ପାଦକତା ଓ ଜୀବିକା ବୃଦ୍ଧି ଏବଂ ଅର୍ଥନୈତିକ ଅଭିବୃଦ୍ଧିକୁ ତ୍ୱରାନ୍ୱିତ କରିବା ଦିଗରେ ଏହା ସହାୟକ ହେବ ବୋଲି ଜଣାପଡିଛି ।

## ଗଞ୍ଜାମ-ବୁଝାମଣାପତ୍ର ସ୍ୱାକ୍ଷର

ଗଞ୍ଜାମ ଜିଲ୍ଲାରେ ସମୁଦ୍ର ପାଣିକୁ ମଧୁର ଜଳ ଭାବେ ବ୍ୟବହାର କରିବା ଲାଗି ଜିଲ୍ଲା ପ୍ରଶାସନ ଏବଂ ଏକ ସଂସ୍ଥା ମଧ୍ୟରେ ବୁଝାମଣାପତ୍ର ସ୍ୱାକ୍ଷର ହୋଇଛି । ପ୍ରଥମ ପର୍ଯ୍ୟାୟରେ ଜିଲ୍ଲାର ୨ଟି ଗାଁ ଆର୍ଯ୍ୟପଲ୍ଲୀ ଓ ମାଟିଖାଲକୁ ମଧୁର ଜଳ ଯୋଗାଇ ଦିଆଯିବ । ଏହି ପ୍ରକଳ୍ପ ଦ୍ୱାରା ପାନୀୟ ଜଳ ସଙ୍କଟ ଦୂର ହୋଇ ପାରିବ ବୋଲି ଜିଲ୍ଲାପାଳ କହିଛନ୍ତି ।

## ଆଇନ୍ ସଚେତନତା କାର୍ଯ୍ୟକ୍ରମ

ନବରଙ୍ଗପୁର ଉମରକୋଟ ଶିଶୁ ବିକାଶ ପ୍ରକଳ୍ପ ବିଭାଗ ପକ୍ଷରୁ ଉମରକୋଟଠାରେ ବ୍ଲକସ୍ତରୀୟ ଆଇନ୍ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି । ଉମରକୋଟ ସିଡିପିଓଙ୍କ ଅଧ୍ୟକ୍ଷତାରେ ଆୟୋଜିତ କାର୍ଯ୍ୟକ୍ରମରେ ଘରୋଇ ହିଂସା ନିବାରଣ, ବେଟି ବଚାଓ ବେଟି ପଢ଼ାଓ, ବାଲ୍ୟବିବାହ ଆଦି ବିଭିନ୍ନ ପ୍ରସଙ୍ଗରେ ଆଲୋଚନା ହୋଇଥିଲା । ଏହି କାର୍ଯ୍ୟକ୍ରମରେ ଅଙ୍ଗନବାଡି କର୍ମୀଙ୍କ ସମେତ କଲେଜ ଛାତ୍ରଛାତ୍ରୀ ଉପସ୍ଥିତ ଥିଲେ ।

## ଶୀତ ମହୋତ୍ସବ

ଭଦ୍ରକ ଜିଲ୍ଲା ଧାମନଗରଠାରେ ଅନୁଷ୍ଠିତ ଶୀତ ମହୋତ୍ସବ ପଲ୍ଲିଶ୍ରୀ ମେଳାରେ ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ, ଆଇନ୍‌ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ, ପଞ୍ଚାୟତିରାଜ ମନ୍ତ୍ରୀ ରବିନାରାୟଣ ନାୟକ, ଭଦ୍ରକ ବିଧାୟକ ସୀତାଂଶୁ ଶେଖର ମହାପାତ୍ର ପ୍ରମୁଖ ଯୋଗଦେଇ ଓଡ଼ିଶାର କଳା ଓ ଭାସ୍କର୍ଯ୍ୟ, ଅସ୍ମିତା, ସଂସ୍କୃତି, ପରମ୍ପରାକୁ ବଜାୟ ରଖିବା ପାଇଁ ଦଳଗତ ନିର୍ବିଶେଷରେ ସମସ୍ତେ ଏକାଠି ହେବାକୁ ପରାମର୍ଶ ଦେଇଥିଲେ । ଏହି ଅବସରରେ ଓଡ଼ିଶାକୁ ଶ୍ରେଷ୍ଠ ରାଜ୍ୟ ଭାବେ ଗଢ଼ି ତୋଳିବା ପାଇଁ ସମସ୍ତଙ୍କ ସହଯୋଗ ଲୋଡା ବୋଲି ଅତିଥିମାନେ ମତବ୍ୟକ୍ତ କରିଥିଲେ ।

## ମାଘମେଳା ମହୋତ୍ସବ

ନୟାଗଡ ଜିଲ୍ଲା କଣ୍ଟିଲୋ ପୁରାତନ ମାଘମେଳା ଯାତ୍ରା ପଡ଼ିଆରେ ମାଘମେଳା ମହୋତ୍ସବ ଉଦ୍‌ଯାପିତ ହୋଇଯାଇଛି । ଓଡ଼ିଶାର ସଂସ୍କୃତିରେ ଧର୍ମ, ସଂଗୀତ, ନୃତ୍ୟ, ଚିତ୍ରକଳା ଓ ହସ୍ତଶିଳ୍ପର ବହୁମୁଖୀ ରୂପ ଦେଖିବାକୁ ମିଳେ ବୋଲି ସ୍ୱାସ୍ଥ୍ୟ ମନ୍ତ୍ରୀ ମୁକେଶ ମହାଲିଙ୍ଗ ଉଦ୍‌ଯାପନୀ ଉତ୍ସବରେ ଯୋଗଦେଇ କହିଛନ୍ତି । କଣ୍ଟିଲୋ ନୀଳମାଧବ ମନ୍ଦିରକୁ ଆଗାମୀ ଦିନରେ ଏକ ପର୍ଯ୍ୟଟନସ୍ଥଳୀ ଭାବରେ ପରିଚିତ କରାଇବା ପାଇଁ ବିକାଶମୂଳକ କାର୍ଯ୍ୟ କରାଯିବ ବୋଲି ମନ୍ତ୍ରୀ କହିଛନ୍ତି ।

## ନିପୁଣ ଓଡ଼ିଶା ମେଳା

ଭଦ୍ରକ ଜିଲ୍ଲା ଭଣ୍ଡାରୀପୋଖରୀ କୁଲଣା ଗ୍ରାମ ସାଧନା କେନ୍ଦ୍ରରେ ନିପୁଣ ଓଡ଼ିଶା ମେଳା ଅନୁଷ୍ଠିତ ହୋଇଯାଇଛି । ବ୍ଲକର ବିଭିନ୍ନ ବିଦ୍ୟାଳୟର ୪୦୦ରୁ ଅଧିକ ଛାତ୍ରଛାତ୍ରୀ ବିଭିନ୍ନ ପ୍ରତିଯୋଗିତାରେ ଭାଗନେଇଥିଲେ ।